# REGIONAL NEWS UNIT, AIR CUTTACK
## Morning Bulletin (7.05 AM)
### 25 September– 2026

## ରାଜ୍ୟସ୍ତରୀୟ ସଦସ୍ୟତା

ରାଜ୍ୟ ସମବାୟ ବିଭାଗ ପକ୍ଷରୁ ଆଜି ରାଜ୍ୟସ୍ତରୀୟ ସଦସ୍ୟତା ଅଭିଯାନ 'ସମ୍ବନ୍ଧ'ର ଶୁଭାରମ୍ଭ ଅବସରରେ ଲାଭାଂଶ ବଣ୍ଟନ ଓ ବିଭିନ୍ନ ଭିତ୍ତିଭୂମି ପ୍ରକଳ୍ପର ଲୋକାର୍ପଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ଭୁବନେଶ୍ୱର କୃଷି ଶିକ୍ଷା ସଦନରେ ଆୟୋଜିତ ହେବାକୁ ଥିବା କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେବେ। ଏଥିରେ ବିଭାଗୀୟ ମନ୍ତ୍ରୀ ପ୍ରଦୀପ ବଳସାମନ୍ତ ମଧ୍ଯ ଉପସ୍ଥିତ ରହିବେ। କାର୍ଯ୍ୟକ୍ରମରେ ୭୦ଟି କୃଷି ସମବାୟ ସମିତିର ନୂତନ କାର୍ଯ୍ୟାଳୟ ଓ ଗୋଦାମଘରର ଲୋକାର୍ପଣ ସହ ୪ଟି ଆଦର୍ଶ ମଣ୍ଡି ଓ ୩ଟି ଗୋଦାମଘରର ଭିତ୍ତିପ୍ରସ୍ତର ସ୍ଥାପନ କାର୍ଯ୍ୟକ୍ରମ ରହିଛି ।

## ପାଣିପାଗ

ପଶ୍ଚିମ କେନ୍ଦ୍ରୀୟ ଏବଂ ସଂଲଗ୍ନ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟ ଗଭୀର ଅବପାତ ଦୁର୍ବଳ ହୋଇ ଅବପାତରେ ପରିଣତ ହୋଇଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଅବପାତ ଉତ୍ତର, ଉତ୍ତର-ପଶ୍ଚିମ ଦିଗକୁ ଗତିକରିବା ସହ ଆହୁରି ଦୁର୍ବଳ ହେବାର ସମ୍ଭାବନା ରହିଥିବା ପାଣିପାଗ ବିଭାଗ ପକ୍ଷରୁ କୁହାଯାଇଛି । ଏହାର ପ୍ରଭାବରେ ରାଜ୍ୟରେ ପ୍ରବଳ ବର୍ଷା ଜାରି ରହିଛି । ଉପକୂଳ ଜିଲ୍ଲାରେ ଗତ ୨୪ଘଣ୍ଟା ମଧ୍ୟରେ ପ୍ରବଳ ବର୍ଷା

ହୋଇଯାଇଛି । ରାଜ୍ୟର ୭ଟି ସ୍ଥାନରେ ଅତିପ୍ରବଳ ବର୍ଷା ଓ ୫୮ଟି ସ୍ଥାନରେ ପ୍ରବଳ ବର୍ଷା ରେକର୍ଡ କରାଯାଇଛି । କୋରାପୁଟର ଶିମିଳିଗୁଡ଼ାରେ ସର୍ବାଧିକ ୧୯୩ ଦଶମିକ ୯ ମିଲିମିଟର ବର୍ଷା ରେକର୍ଡ କରାଯାଇଛି । ଅବପାତ ପ୍ରଭାବରେ ଆଜି ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ଲାଗିରହିବ ବୋଲି ପାଣିପାଗ ବିଭାଗ ସୂଚନା ଦେଇଥିବା ବେଳେ ନୂଆପଡ଼ା ଜିଲ୍ଲାକୁ ପ୍ରବଳରୁ ଅତିପ୍ରବଳ ବର୍ଷା ହେବା ନେଇ ସତର୍କତା ଜାରି କରାଯାଇଛି । ସେହିପରି ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, କେନ୍ଦୁଝର, ମୟୂରଭଞ୍ଜ, ବଲାଙ୍ଗୀର, କଳାହାଣ୍ଡି, ନବରଙ୍ଗପୁର, କୋରାପୁଟ ଓ ମାଲକାନଗିରି ଜିଲ୍ଲାରେ ପ୍ରବଳ ବର୍ଷା ହେବା ନେଇ ସତର୍କତା ଜାରି କରାଯାଇଛି । ସମୁଦ୍ର ଅଶାନ୍ତ ରହୁଥିବାରୁ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ମଧ୍ୟକୁ ନଯିବାକୁ ପରାମର୍ଶ ଦିଆଯାଇଛି ।

ପ୍ରବଳ ବର୍ଷାକୁ ଦୃଷ୍ଟିରେ ରଖି ନବରଙ୍ଗପୁର, କଳାହାଣ୍ଡି ଏବଂ ଗଞ୍ଜାମ ଜିଲ୍ଲାର ଅଙ୍ଗନବାଡ଼ି ସମେତ ସମସ୍ତ ଶିକ୍ଷାନୁଷ୍ଠାନକୁ ଆଜି ପାଇଁ ବନ୍ଦ ରଖାଯାଇଛି ।

ରାୟଗଡ଼ାର ବିଭିନ୍ନ ସ୍ଥାନରେ ଭୂସ୍ଖଳନ ଯୋଗୁଁ ୪ଟି ଟ୍ରେନ୍ ବାତିଲ କରାଯାଇଥିବା ବେଳେ ୬ଟି ଟ୍ରେନର ଗତିପଥ ପରିବର୍ତ୍ତନ କରାଯାଇଛି ।

ଲଗାଣ ବର୍ଷା ଯୋଗୁଁ ଭଦ୍ରକ ଜିଲ୍ଲା ବୈତରଣୀ ନଦୀ ଆଖୁଆପଦାଠାରେ ବିପଦ ସଂକେତ ଉପରେ ପ୍ରବାହିତ ହେଉଛି ।

ସେଠାରେ ବିପଦ ସଂକେତ ସ୍ତର ୧୮ ଦଶମିକ ୩/୩ ମିଟର ଥିବା ବେଳେ ବର୍ତ୍ତମାନ ଜଳସ୍ତର ୧୮ ଦଶମିକ ୩/୫ ମିଟର ରହିଛି ।

ନବରଙ୍ଗପୁର ଇନ୍ଦ୍ରାବତୀ ଜଳଭଣ୍ଡାରର ତୃତୀୟ ଗେଟ୍ ଖୋଲାଯାଇଛି । ୩ଟି ଗେଟ୍ ଦେଇ ପ୍ରତି ସେକେଣ୍ଡ୍‌ରେ ୯୭୩ କ୍ୟୁସେକ୍ ଜଳ ନିଷ୍କାସିତ ହେଉଛି ।

## କ୍ଲଷ୍ଟର ବିକାଶ

ରାଜ୍ୟରେ କୃଷି, ଉଦ୍ୟାନ କୃଷି ଏବଂ ମତ୍ସ୍ୟ ଓ ଦୁଗ୍ଧ ଉତ୍ପାଦନ କ୍ଷେତ୍ରର ଅର୍ଥନୈତିକ ଅଭିବୃଦ୍ଧି ଲକ୍ଷ୍ୟ ନେଇ ଭୁବନେଶ୍ୱର ଲୋକସେବା ଭବନସ୍ଥିତ ସମ୍ମିଳନୀ କକ୍ଷରେ ପ୍ରଥମ ସମନ୍ୱିତ କ୍ଲଷ୍ଟର ବିକାଶ ପଦକ୍ଷେପ ପରାମର୍ଶ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । ପ୍ରଧାନମନ୍ତ୍ରୀଙ୍କ ଅର୍ଥନୈତିକ ପରାମର୍ଶ ପରିଷଦ, ନୀତି ଆୟୋଗ ଏବଂ ଓଡ଼ିଶା ରାଜ୍ୟ ଯୋଜନା ଓ ସଂଯୋଜନ ବିଭାଗ ଦ୍ୱାରା ଆୟୋଜିତ କର୍ମଶାଳାରେ ପରିଷଦର ଅଧ୍ୟକ୍ଷ ଏସ୍. ମହେନ୍ଦ୍ରଦେବ ଯୋଗଦେଇ କୃଷି ଆୟଭିତ୍ତିକ ଆଭିମୁଖ୍ୟ ଉପରେ ଗୁରତ୍ୱ ପ୍ରଦାନ କରିଥିଲେ । ମୁଖ୍ୟ ଶାସନ ସଚିବ ଅନୁ ଗର୍ଗ ବିକଶିତ ଓଡ଼ିଶାର ସଫଳତା ବିକଶିତ ଭାରତର ଲକ୍ଷ୍ୟ ପୂରଣରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ ବୋଲି କହିଥିଲେ ।

## ଓଡ଼ିଶା ରାଜ୍ୟ ଆଇନ ସେବା ପ୍ରାଧିକରଣ

ଓଡ଼ିଶା ସେବା ଆଇନସେବା ପ୍ରାଧିକରଣର ନୂତନ କାର୍ଯ୍ୟନିର୍ବାହୀ ଅଧ୍ୟକ୍ଷ ଭାବେ ଓଡ଼ିଶା ହାଇକୋର୍ଟର ବିଚାରପତି ଜଷ୍ଟିସ୍ ବିଭୂପ୍ରସାଦ ରାଉତରାୟଙ୍କୁ

ମନୋନୀତ କରାଯାଇଛି । ରାଜ୍ୟ ଆଇନ ବିଭାଗ ପକ୍ଷରୁ ପ୍ରକାଶିତ ବିଜ୍ଞପ୍ତି ଅନୁଯାୟୀ, ଜଷ୍ଟିସ୍ ରାଉତରାୟ ପ୍ରାଧିକରଣର କାର୍ଯ୍ୟନିର୍ବାହୀ ଅଧ୍ୟକ୍ଷ ଭାବେ ସମସ୍ତ ଆଇନସେବା କାର୍ଯ୍ୟକ୍ରମର ପ୍ରଶାସନିକ ଓ ନୀତିଗତ ଦିଗରେ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ତୁଲାଇବେ । ପୂର୍ବରୁ କାର୍ଯ୍ୟନିର୍ବାହୀ ଅଧ୍ୟକ୍ଷଭାବେ କାର୍ଯ୍ୟ କରୁଥିବା ଜଷ୍ଟିସ୍ ମହେଶ ରଂଜନ ପାଠକଙ୍କ ଗୁଜରାଟ ହାଇକୋର୍ଟକୁ ବଦଳି ପରେ  ଏହି ପଦବୀଟି ଖାଲି ପଡ଼ିଥିଲା ।

---

## ଦୀନ ଦୟାଲ୍ - ଜୟନ୍ତୀ

ଦେଶବ୍ୟାପୀ ଆଜି ରାଷ୍ଟ୍ରବାଦୀ ଜନନାୟକ ପଣ୍ଡିତ ଦୀନ ଦୟାଲ୍ ଉପାଧ୍ୟାୟଙ୍କ ୧୧୧ତମ ଜୟନ୍ତୀ ପାଳନ କରାଯାଉଛି । ଏହି ଅବସରରେ ଭୁବନେଶ୍ୱର ଜୟଦେବ ଭବନରେ ଆଜି ସନ୍ଧ୍ୟାରେ ଅନୁଷ୍ଠିତ ହେବାକୁଥିବା କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୋଗଦେବେ । ଏଥିରେ ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ ଓ ଭୁବନେଶ୍ୱର ଏକାମ୍ର ବିଧାୟକ ବାବୁ ସିଂ ଅଂଶ ଗ୍ରହଣ କରିବାର କାର୍ଯ୍ୟସୂଚୀ ରହିଛି ।

---

# ଅନନ୍ତ ବ୍ରତ

ପୁରୀ ଶ୍ରୀମନ୍ଦିରରେ ଆଜି ଭାଦ୍ରବ ମାସ ଶୁକ୍ଳପକ୍ଷ ଚତୁର୍ଦ୍ଦଶୀ ତିଥିରେ ଶ୍ରୀଶ୍ରୀ ଅନନ୍ତଦେବଙ୍କ ବ୍ରତ ପାଳନ କରାଯିବ । ସନ୍ଧ୍ୟାଧୂପ ନୀତି ଶେଷ ହେବା ପରେ ମୁକ୍ତିମଣ୍ଡପ ନିକଟରେ ଥିବା ଅନନ୍ତ ବିଗ୍ରହଙ୍କ ପାଖରେ ମହାସ୍ନାନ ନୀତି ଓ ଭୋଗ କରାଯାଇ ଅନନ୍ତ ବ୍ରତକଥା ପାଠ କରାଯିବ ।

---

# ଫର୍ମ ପୂରଣ

ଯୁକ୍ତ ୨ କଳା, ବିଜ୍ଞାନ, ଓ ଧନ୍ଦାମୂଳକ ପରୀକ୍ଷା ପାଇଁ ଆସନ୍ତା ଅକ୍ଟୋବର ମାସ ୧ ତାରିଖରୁ ଫର୍ମ ପୂରଣ ପ୍ରକ୍ରିୟା ଆରମ୍ଭ ହେବ । ୧ରୁ ୯ ତାରିଖ ମଧ୍ୟରେ ଏକ୍ସ-ରେଗୁଲାର ଛାତ୍ରଛାତ୍ରୀ ବିନା ଜରିମାନାରେ ଫର୍ମ ପୂରଣ କରିପାରିବେ । ରେଗୁଲାର ଛାତ୍ରଛାତ୍ରୀ ଅକ୍ଟୋବର ୨୬ରୁ ନଭେମ୍ବର ୧୧ ତାରିଖ ମଧ୍ୟରେ ବିନା ଜରିମାନାରେ ଫର୍ମ ପୂରଣ କରିପାରିବେ ।

# ସେବା ସଂକଳ୍ପ ଅଭିଯାନ

ଢେଙ୍କାନାଳ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ସେବା ସଂକଳ୍ପ ଅଭିଯାନ ଅନୁଷ୍ଠିତ ହୋଇଛି । ଏହି ଅଭିଯାନ ଜରିଆରେ ପିଲାମାନଙ୍କ ମଧ୍ୟରେ ଥିବା ଅନ୍ତର୍ନିହିତ ଗୁଣାବଳୀର ବିକାଶ ହେଉଥିବା ଅତିଥିମାନେ ମତବ୍ୟକ୍ତ କରିଛନ୍ତି । ଏହି ଅବସରରେ ପିଲାମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା ।

କେନ୍ଦୁଝର ଜିଲ୍ଲାରେ ମଧ୍ୟ ସେବା ସଂକଳ୍ପ ଅଭିଯାନ ଅଧୀନରେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି ।

## ଏସୀୟ କ୍ରୀଡ଼ା

ଜାପାନରେ ଚାଲିଥିବା ଏସୀୟ କ୍ରୀଡ଼ାର ଷଷ୍ଠ ଦିନରେ ଗତକାଲି ଭାରତ ୫ଟି ପଦକ ଜିତି ମୋଟ୍ ୧୭ଟି ପଦକ ସହ ତାଲିକାର ୧୫ତମ ସ୍ଥାନରେ

ରହିଛି । ମହିଳା ଉସୁରେ ରୋଶୀବିନା ଦେବୀ ରୌପ୍ୟ ପଦକ ଜିତିଥିବା ବେଳେ ରିଲେ ଦୌଡ଼ରେ ଭାରତୀୟ ଦଳ ରୌପ୍ୟ ପଦକ ହାସଲ କରିଛି । ମହିଳା ୧୦ ହଜାର ମିଟର ଦୌଡ଼ରେ ସୀମାକୁମାରୀ କାଂସ୍ୟ ପଦକ ଜିତିଛନ୍ତି । ଉଭୟ ପୁରୁଷ ଓ ମହିଳା ହକି ଦଳ ସେମିଫାଇନାଲ୍‌କୁ ଉନ୍ନୀତ ହୋଇଛନ୍ତି ।

---